# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା.୦୮.୦୫: ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୭୪ଟି ଅଭିଯୋଗରୁ ୬୨ଟି ବ୍ୟକ୍ତିଗତ ଓ ୧୨ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୭୪ ଅଭିଯୋଗ ମଧ୍ୟରୁ ୨୬ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ମୁଖ୍ୟମନ୍ତ୍ରୀଙ୍କ ସହାୟତା ପାଣ୍ଠିରୁ ୧ ଜଣଙ୍କୁ ୨୦ ହଜାର ଟଙ୍କା ଓ ଅନ୍ୟ ୩ ଜଣଙ୍କୁ ୧୦ ହଜାର ଟଙ୍କା ଲେଖାଏଁ ଚେକ୍ ଆକାରରେ ଚିକିତ୍ସା ସହାୟତା ପ୍ରଦାନ କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ରାସ୍ତା, ଜମି ଜମା ବିବାଦ, ରେଳବାଇ ଠାରୁ କ୍ଷତିପୂରଣ, ଭୂମିହୀନ ,ପାରିବାରିକ ସମସ୍ୟା,ଆଧାର କାର୍ଡ, ପାନୀୟ ଜଳ, ବିଜୁଳି ସମସ୍ୟା, ହାତୀ ଦ୍ୱାରା କ୍ଷତିଗ୍ରସ୍ତ ପ୍ରଜା, କଳକାରଖାନା ଦ୍ୱାରା ନିର୍ଗତ ପ୍ରଦୂଷିତ ଆବର୍ଜନା ନିମନ୍ତେ ଜଳ ପ୍ରଦୂଷଣ ସମ୍ପର୍କିତ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଆଜି ହେନେରି ଡୋନେଟଙ୍କ ଜନ୍ମ ଦିବସ ଓ ବିଶ୍ୱ ରେଡକ୍ରସ ଦିବସ ଅବସରରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ତାଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନ କରାଯାଇ ଶ୍ରଦ୍ଧା ସୁମନ ଅର୍ପଣ କରାଯାଇଥିଲା । ଏହି ଅବସରରେ ରେଡକ୍ରସ ପାଣ୍ଠିରୁ ୧ ଜଣଙ୍କୁ ୨ ହଜାର ଟଙ୍କା ଚିକିତ୍ସା ସହାୟତା ପ୍ରଦାନ କରାଯାଇଥିଲା । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ପ୍ରସନ୍ନ କୁମାର ବିଶ୍ୱାଳ, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବଇତୁରା ଦିପ୍, ଡେପୁଟୀ କଲେକ୍ଟର ମଧୁସ୍ମିତା ବିଶି, ମିନର୍ଭା ନାୟକ ଓ ଶ୍ରୀ ସତ୍ୟାନନ୍ଦ ଦାସ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଞ୍ଜନ ସାହୁ ଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୩୨୪ ତା.୦୮.୦୫.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ 8/5/2023


ANGUL
OPPO Reno7 5G
2023.05.08 10:27


ଜିଲ୍ଲା
OPPO Reno7 5G